## ଇଣ୍ଟିଗ୍ରେଟେଡ୍ ଟିଚର ଏଜୁକେସନ ପ୍ରୋଗ୍ରାମ୍ (ITEP) ପାଠ୍ୟକ୍ରମରେ ଆଡ୍‌ମିଶନ ପାଇଁ ବିଜ୍ଞପ୍ତି ପ୍ରକାଶିତ

### ଜୁନ୍ ୨୦ ତାରିଖରୁ ଆବେଦନ କରିପାରିବେ ଛାତ୍ରଛାତ୍ରୀ

### ଜୁଲାଇ ୧୦ ତାରିଖରେ ପ୍ରକାଶିତ ହେବ ପ୍ରଥମ ମେଧା ତାଲିକା

### ଏନସିଇଟି (NCET) ପ୍ରବେଶିକା ପରୀକ୍ଷା ମାର୍କ ଆଧାରରେ<br>ଇଣ୍ଟିଗ୍ରେଟେଡ୍ ଟିଚର ଏଜୁକେସନ ପ୍ରୋଗ୍ରାମ୍ (ITEP) ପାଠ୍ୟକ୍ରମ ପାଇଁ ଚୟନିତ ହେବେ ଛାତ୍ରଛାତ୍ରୀ

ଭୁବନେଶ୍ୱର ୧୯ ଜୁନ୍,୨୦୨୬

ଶିକ୍ଷାବର୍ଷ ୨୦୨୬-୨୭ ନିମନ୍ତେ ଇଣ୍ଟିଗ୍ରେଟେଡ୍ ଟିଚର ଏଜୁକେସନ ପ୍ରୋଗ୍ରାମ୍ (Integrated Teacher Education Programme -ITEP) ପାଠ୍ୟକ୍ରମରେ ଆଡ୍‌ମିଶନ ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶିତ ହୋଇଛି।ଛାତ୍ରଛାତ୍ରୀମାନେ ସାମ୍ସ ପୋର୍ଟାଲକୁ ଯାଇ ଉକ୍ତ ପାଠ୍ୟକ୍ରମ ନିମନ୍ତେ ଆବେଦନ କରିପାରିବେ।

ଜୁନ୍ ୨୦ ତାରିଖ ଅପରାହ୍ନ ୨ ଘଟିକାଠାରୁ ସାମ୍ସ ପୋର୍ଟାଲରେ ଆବେଦନ ପ୍ରକ୍ରିୟା ଆରମ୍ଭ ହେବ। ଏହି ଆବେଦନ ପ୍ରକ୍ରିୟା ଜୁଲାଇ ୫ ତାରିଖ ପର୍ଯ୍ୟନ୍ତ ଚାଲିବ। ଜୁଲାଇ ୧୦ ତାରିଖରେ ପ୍ରଥମ ମେଧା ତାଲିକା ପ୍ରକାଶିତ ହେବ।

ଇଣ୍ଟିଗ୍ରେଟେଡ୍ ଟିଚର ଏଜୁକେସନ ପ୍ରୋଗ୍ରାମ୍ ପାଠ୍ୟକ୍ରମରେ ନାମଲେଖା ନ୍ୟାସନାଲ ଟେଷ୍ଟିଙ୍ଗ ଏଜେନ୍ସି (NTA) ଦ୍ୱାରା ଅନୁଷ୍ଠିତ ନ୍ୟାସନାଲ୍ କମନ୍ ଏଣ୍ଟ୍ରାନ୍ସ ଟେଷ୍ଟ-୨୦୨୬ର (NCET-2026) ମାର୍କ ଆଧାରରେ କରାଯିବ।

ଶିକ୍ଷାବର୍ଷ ୨୦୨୬-୨୭ରେ ଇଣ୍ଟିଗ୍ରେଟେଡ୍ ଟିଚର ଏଜୁକେସନ ପ୍ରୋଗ୍ରାମ୍ ପାଠ୍ୟକ୍ରମରେ ପାଠପଢ଼ା ଆସନ୍ତା ଅଗଷ୍ଟ ୧, ୨୦୨୬ ରିଖରେ ଆରମ୍ଭ ହେବ ବୋଲି ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି।

ଅମ୍ଳାନ ଦାସ<br>ଲୋକସମ୍ପର୍କ ଅଧିକାରୀ